ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୦୨ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୮୮୨୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୫୨ ଜଣ ।

ଅନୁଗୋଳ, ତା,୩୦.୧୦:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୦୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୪୨ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୩୨ଜଣ ( ୨୧ଜଣ ପୁରୁଷ ଓ ୧୧ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨୯ଜଣ ( ୧୯ଜଣ ପୁରୁଷ ଓ୧୦ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୪ଜଣ ( ୧୦ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨ଜଣ ( ୯ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୭ଜଣ (୫ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୫୨ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୫ଜଣ କୋଭିଡ ହସପିଟାଲରୁ , ୨ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୩୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୦୯ ତା.୩୦.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ